ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

# ପୂର୍ବତନ ମନ୍ତ୍ରୀ ହରିହର କରଣଙ୍କ ବିୟୋଗରେ

# ଉଚ୍ଚ ଶିକ୍ଷା ମନ୍ତ୍ରୀ ଏବଂ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀଙ୍କ ଶୋକ

ଭୁବନେଶ୍ୱର, ୦୪ ଫେବୃଆରୀ, ୨୦୧୯

ପୂର୍ବତନ ମନ୍ତ୍ରୀ ହରିହର କରଣଙ୍କ ବିୟୋଗରେ ଉଚ୍ଚଶିକ୍ଷା ଓ ଶିଳ୍ପ ମନ୍ତ୍ରୀ ଶ୍ରୀ ଅନନ୍ତ ଦାସ ଏବଂ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ଶ୍ରୀ ବଦ୍ରିନାରାୟଣ ପାତ୍ର ଗଭୀର ଶୋକ ପ୍ରକାଶ କରିଛନ୍ତି ।

ଏକ ଶୋକବାର୍ତ୍ତାରେ ମନ୍ତ୍ରୀ ଶ୍ରୀ ଦାସ ଓ ମନ୍ତ୍ରୀ ଶ୍ରୀ ପାତ୍ର କହିଛନ୍ତି ଯେ ଜଣେ ରାଜନୀତିଜ୍ଞ, ସମାଜସେବୀ, ସଂଗଠକ ଭାବରେ ହରିହର କରଣ ଓଡ଼ିଶାର ସର୍ବାଙ୍ଗୀନ ବିକାଶ ପାଇଁ ଅନେକ କାର୍ଯ୍ୟ କରିଯାଇଛନ୍ତି । ଜଣେ ମନ୍ତ୍ରୀ ଭାବରେ ସେ ନିଜ ଦକ୍ଷତା ଓ ଦୂରଦର୍ଶିତାର ପ୍ରମାଣ ଦେଇ ଅନେକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେଇଥିଲେ । ତାଙ୍କ ବିୟୋଗରେ ରାଜ୍ୟ ଜଣେ ସୁଯୋଗ ନେତାଙ୍କୁ ହରାଇଲା ।

ମନ୍ତ୍ରୀ ଶ୍ରୀ ଦାସ ଓ ମନ୍ତ୍ରୀ ଶ୍ରୀ ପାତ୍ର ସ୍ୱର୍ଗତ ହରିହର କରଣଙ୍କ ଅମର ଆତ୍ମାର ସଦ୍‌ଗତି କାମନା କରିବା ସହ ତାଙ୍କ ଶୋକସନ୍ତପ୍ତ ପରିବାରବର୍ଗ ଓ ଆତ୍ମୀୟସ୍ୱଜନଙ୍କ ପ୍ରତି ଗଭୀର ସମବେଦନା ଜ୍ଞାପନ କରିଛନ୍ତି ।

ସୂର୍ଯ୍ୟ ରଞ୍ଜନ ମହାନ୍ତି
ସୂଚନା ଅଧିକାରୀ